# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 9 CUTTACK, FRIDAY, JANUARY 1, 2016/PAUSA 11, 1937**



## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 09 ଜୁଲାଇ 2015

ସଂଖ୍ୟା 20010—RDM-LAA-BDK-0028-2013-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ କାପାଳୀ ଡ୍ରେନେଜ ଚ୍ୟାନେଲ ସଂସ୍କାର ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା ଚୁନିଦା, ଥାନା ଭଦ୍ରକ, ଜିଲ୍ଲା ଭଦ୍ରକରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉପରୋକ୍ତ ଉଦ୍ଦେଶ୍ୟରେ ପ୍ରାୟ 2.57 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମ ଧାରା 6(1)ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 50652-ରାବିପ., ତା 31 ଡିସେମ୍ବର 2013 ରିଖ ଏବଂ ଓଡିଶା ରାଜପତ୍ର ସଂଖ୍ୟା 89, ତା 10 ଜାନୁଆରୀ 2014 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ଭଦ୍ରକ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର, ଭୂ-ଅର୍ଜନ ବିଭାଗରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ


Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.1310—173+20